ପ୍ରେସ୍ ନୋଟ୍

# ଜିଲ୍ଲା ସ୍ତରୀୟ ମିଳିତ ଜନ ଶୁଣାଣି ଶିବିର ଅନୁଷ୍ଠିତ ।

ଅନୁଗୋଳ,ତା. ୧୬.୦୮:- ଆଜି ପୂର୍ବାହ୍ନରେ ଜିଲ୍ଲା କାର୍ଯ୍ୟାଳୟ କୋର୍ଟ ରୁମ୍ ୦ାରେ ଜିଲ୍ଲା ସ୍ତରୀୟ ମିଳିତ ଜନ ଶୁଣାଣି ଶିବିର ଅନୁଷ୍ଠିତ ହୋଇଯାଇଛି । ଏହି ଶିବିରରେ ଆରକ୍ଷୀ ଅଧିକ୍ଷକ ଶ୍ରୀ ଜଗମୋହନ ମୀନା ଓ ଅତିରିକ୍ତ ଜିଲ୍ଲାପାଳ (ରାଜସ୍ୱ) ଶ୍ରୀ ସନ୍ତୋଷ କୁମାର ପ୍ରଧାନ ଯୋଗ ଦେଇଥିଲେ । ଦାଖଲ ହୋଇଥିବା ସମୁଦାୟ ୩୮ଟି ଅଭିଯୋଗରୁ ୩୬ଟି ବ୍ୟକ୍ତିଗତ ଓ ୨ଟି ଗ୍ରାମ୍ୟ ଭିତ୍ତିକ ଅଭିଯୋଗର ଶୁଣାଣି କରି ତୁରନ୍ତ କାର୍ଯ୍ୟାନୁଷ୍ଠାନ ଗ୍ରହଣ କରିବାକୁ ସମ୍ପୃକ୍ତ ବିଭାଗୀୟ ଅଧିକାରୀଙ୍କୁ ପରାମର୍ଶ ଦିଆଯାଇଛି । ଏହି ଶିବିରକୁ ଆସିଥିବା ଲୋକମାନେ ସାଧାରଣତଃ ବିସ୍ଥାପିତ ପରିବାରଂକ ସମସ୍ୟା, ପାନୀୟ ଜଳ,ଚିକିତ୍ସା ଓ ଜମି ଅଧିଗ୍ରହଣ ସମସ୍ୟା ସମ୍ପର୍କରେ ଅଭିଯୋଗ କରିଥିଲେ । ଏହି ଶିବିରରେ ଅନ୍ୟମାନଂକ ମଧ୍ୟରେ ଜିଲ୍ଲାପରିଷଦର ମୁଖ୍ୟ ଉନ୍ନୟନ ଅଧିକାରୀ ତଥା କାର୍ଯ୍ୟ ନିର୍ବାହୀ ଅଧିକାରୀ ଶ୍ରୀ ଲଳିତ ମୋହନବେହେରା, ଜିଲ୍ଲା ମୁଖ୍ୟ ଚିକିତ୍ସା ଓ ଜନ ସ୍ୱାସ୍ଥ୍ୟ ଅଧିକାରୀ ଡା. ତ୍ରିଲୋଚନ ପ୍ରଧାନ, ଜିଲ୍ଲା ଶିକ୍ଷା ଅଧିକାରୀ ଶ୍ରୀ ନିରଂଜନ ସାହୁଙ୍କ ସମେତ ବିଭିନ୍ନ ବିଭାଗର ଜିଲ୍ଲା ସ୍ତରୀୟ ଅଧିକାରୀମାନେ ଯୋଗ ଦେଇଥିଲେ ।

ଜିଲ୍ଲା ସୂଚନା ଓ ଲୋକ ସମ୍ପର୍କ କାର୍ଯ୍ୟାଳୟ,ଅନୁଗୋଳ ।

ଜ୍ଞାପକ ସଂଖ୍ୟା. ୪୮୦ ତା.୧୬.୮.୨୦୨୨

ଏହାର ଏକକିତା ନକଲ ସମସ୍ତ ଜିଲ୍ଲା ସ୍ତରୀୟ ସାମ୍ବାଦିକଙ୍କ ସଦୟ ଅବଗତି ଓ ଏହାର ପ୍ରକାଶନ ନିମନ୍ତେ ପ୍ରେରଣ କରାଗଲା ।

ଜିଲ୍ଲା ସୂଚନା ଓ ଲୋକ ସମ୍ପର୍କ ଅଧିକାରୀ, ଅନୁଗୋଳ